# ସଚେତନତା ଫକୀରମୋହନଙ୍କ ସାହିତ୍ୟର ବିଭବ

## 'ଫକୀରମୋହନଙ୍କ ସାହିତ୍ୟରେ ସମକାଳୀନ ଇତିହାସ' ଶୀର୍ଷକ କର୍ମଶାଳା

ବାଲେଶ୍ୱର ଅଫିସ,୧୩।୮

ବାଲେଶ୍ୱର ମଲ୍ଲିକାଶପୁରସ୍ଥିତ ଶାନ୍ତିକାନନ ପରିସରରେ କେନ୍ଦ୍ର ସାହିତ୍ୟ ଏକାଡେମୀ ଓ ଫକୀରମୋହନ ସାହିତ୍ୟ ପରିଷଦ ମିଳିତ ଆନୁକୂଲ୍ୟରେ 'ଫକୀରମୋହନଙ୍କ ସାହିତ୍ୟରେ ସମକାଳୀନ ଇତିହାସ' ଶୀର୍ଷକ କର୍ମଶାଳା ଶନିବାର ଅନୁଷ୍ଠିତ ହୋଇଛି। ଏଥିରେ ବହୁ ବିଶିଷ୍ଟ ସାହିତ୍ୟିକ, କବି, ବୁଦ୍ଧିଜୀବୀ ଓ ସଂସ୍କୃତିପ୍ରେମୀ ଯୋଗଦେଇ ଫକୀରମୋହନଙ୍କ ସାହିତ୍ୟରେ ଭରି ରହିଥିବା ସଚେତନତା କହିଥିଲେ।

ଆଲୋଚନାଚକ୍ରକୁ ଫକୀରମୋହନ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ ଉଦ୍ଘାଟନ କରିଥିଲେ। କେନ୍ଦ୍ର ସାହିତ୍ୟ ଏକାଡେମୀର ଓଡ଼ିଆ ଉପଦେଷ୍ଟା ମଣ୍ଡଳୀ ଆବାହକ ଡ. ବିଜୟାନନ୍ଦ ସିଂହ ପୌରୋହିତ୍ୟ କରିଥିଲେ। ମୁଖ୍ୟବକ୍ତା ଭାବେ ପ୍ରଖ୍ୟାତ ଗବେଷକ ପ୍ରଫେସର ଦେବେନ୍ଦ୍ର କୁମାର ଦାଶ ଯୋଗଦେଇ ଫକୀରମୋହନଙ୍କ ସାହିତ୍ୟରେ ସମକାଳୀନ ଇତିହାସ ସମ୍ପର୍କରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ। କେନ୍ଦ୍ର ସାହିତ୍ୟ ଏକାଡେମୀ, କୋଲକାତାର ପୂର୍ବାଞ୍ଚଳ ସଚିବ ଡ. ଦେବେନ୍ଦ୍ର କୁମାର ଦେବେଶ ସ୍ୱାଗତ ଭାଷଣରେ ଓଡ଼ିଆ ଭାଷାର ଉନ୍ନତି ପାଇଁ ପରିକଳ୍ପିତ ସାହିତ୍ୟାନୁଷ୍ଠାନ ତଥା ବିଭିନ୍ନ ଶିକ୍ଷାନୁଷ୍ଠାନର ସହାୟତାରେ କେନ୍ଦ୍ର ସାହିତ୍ୟ ଏକାଡେମୀ ଆଗକୁ ବିଭିନ୍ନ କାର୍ଯ୍ୟକ୍ରମ ହାତକୁ ନେବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଫକୀରମୋହନ ସାହିତ୍ୟ ପରିଷଦ ସଭାପତି ଡ. ଲକ୍ଷ୍ମୀକାନ୍ତ ତ୍ରିପାଠୀ ବକ୍ତବ୍ୟ ଦେଉଥିବା ବେଳେ ଯୁଗ୍ମ ସମ୍ପାଦକ ଡ. ସାରଙ୍ଗଧର ତ୍ରିପାଠୀ ମଞ୍ଚ ଆହ୍ୱାନ କରିଥିଲେ। ସମ୍ପାଦକ ଦୀପକ ଘୋଷ ପ୍ରାକ୍ କଥା ରଖିଥିବା ବେଳେ ସାହିତ୍ୟ ଏକାଡେମୀର ଓଡ଼ିଶା ଉପଦେଷ୍ଟା ମଣ୍ଡଳୀ ସଦସ୍ୟ କବି ବିମଳ ଜେନା ଧନ୍ୟବାଦ ଅର୍ପଣ କରିଥିଲେ। ମଧ୍ୟାହ୍ନ ଓ ଅପରାହ୍ନ ଅଧିବେଶନରେ ସ୍ୱଲିଖିତ ପ୍ରବନ୍ଧ ପାଠ କରାଯାଇଥିଲା। ଏହି ଅବସରରେ ପରିଷଦ ପକ୍ଷରୁ ସମାଜରେ ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠା ଅର୍ଜନ କରିଥିବା ବରିଷ୍ଠ ପ୍ରତିଭା ତାରାମଣି ମହାପାତ୍ର, ଚିତ୍ତରଞ୍ଜନ ସାହୁ, ଜଳଧର ପଣ୍ଡା, ତ୍ରିଦିବ କୁମାର ନାୟକ, ବିଦ୍ୟାଧର ରଥ, ଶିଶିର କୁମାର ମହାପାତ୍ର, କମଳଲୋଚନ ଦାଶ, ଶିବପ୍ରସାଦ ଦାଶ, ତରୁଣ କୁମାର ଚାଟାର୍ଜୀ, ସଦାନନ୍ଦ ଦାସ ପ୍ରମୁଖଙ୍କୁ ମାନପତ୍ର ଓ ଉପଢୌକନ ପ୍ରଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା। ସନ୍ଧ୍ୟାରେ ଅନୁଷ୍ଠିତ କବିସନ୍ଧି କାର୍ଯ୍ୟକ୍ରମରେ ଖ୍ୟାତିସମ୍ପନ୍ନ ଓଡ଼ିଆ କବି ମନୋରମା ବିଶ୍ୱାଳ ମହାପାତ୍ର ସ୍ୱସାହିତ୍ୟର ବିଭିନ୍ନ ଦିଗ ସମ୍ପର୍କରେ ଆଲୋଚନା କରିଥିଲେ।




କର୍ମଶାଳାରେ କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ ଉଦ୍‌ବୋଧନ ଦେଉଛନ୍ତି।